# REGIONAL NEWS UNIT, AIR CUTTACK

## Evening Bulletin (6.45PM)

**1 May - 2026**

**********************************

## ମୁଖ୍ୟ ସମ୍ବାଦ

- ଗ୍ରାମାଞ୍ଚଳର ବିକାଶରେ ସମୃଦ୍ଧ ଓଡ଼ିଶାର ପରିକଳ୍ପନା ସମ୍ଭବ; କହିଲେ ମୁଖ୍ୟମନ୍ତ୍ରୀ

— ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନାରେ ରାଜ୍ୟ ପାଇଁ ୧୭ଶହ କୋଟି ଟଙ୍କାର ସଡକ ପ୍ରକଳ୍ପର କଲେ ଶୁଭାରମ୍ଭ

— ରାଜ୍ୟର ପ୍ରତ୍ୟେକ କୃଷିଭିତ୍ତିକ ଗ୍ରାମକୁ ବିହନ ଗ୍ରାମ ଭାବେ ଗଢ଼ିବା ସରକାରଙ୍କ ଲକ୍ଷ୍ୟ; କେନ୍ଦ୍ର କୃଷିମନ୍ତ୍ରୀଙ୍କ ସୂଚନା

- ଭୁବନେଶ୍ୱରଠାରେ ଆୟୋଜିତ ରାଜ୍ୟସ୍ତରୀୟ ଶ୍ରମିକ ଦିବସ କାର୍ଯ୍ୟକ୍ରମରେ ୧୫୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ବଣ୍ଟନ କରିବେ ମୁଖ୍ୟମନ୍ତ୍ରୀ

- ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ମାଟ୍ରିକ୍ ପରୀକ୍ଷା ଫଳ ଆସନ୍ତାକାଲି ପ୍ରକାଶ ପାଇବ

ଏବଂ

- ରାଜ୍ୟରେ ଆଗାମୀ ଏକ ସପ୍ତାହ ପର୍ଯ୍ୟନ୍ତ କାଳବୈଶାଖୀର ପ୍ରଭାବ ରହିବା ନେଇ ପାଣିପାଗ କେନ୍ଦ୍ରର ଅନୁମାନ

# ମୁଖ୍ୟମନ୍ତ୍ରୀ-ଶିବରାଜ

ବିକଶିତ ଭାରତ ଓ ସମୃଦ୍ଧ ଓଡ଼ିଶାର ପ୍ରକୃତ ପରିଚୟ ହେଉଛି ଗ୍ରାମାଞ୍ଚଳର ବିକାଶ ବୋଲି ମୁଖ୍ୟମନ୍ତ୍ରୀ ମୋହନଚରଣ ମାଝୀ କହିଛନ୍ତି। **ରାୟଗଡା**ଠାରେ ପ୍ରଧାନମନ୍ତ୍ରୀ ଗ୍ରାମସଡ଼କ ଯୋଜନାର ଚତୁର୍ଥ ପର୍ଯ୍ୟାୟର ଶୁଭାରମ୍ଭ କରି ମୁଖ୍ୟମନ୍ତ୍ରୀ କହିଛନ୍ତି, ଗ୍ରାମାଞ୍ଚଳର ବିକାଶ ବିନା ସମୃଦ୍ଧ ଓଡ଼ିଶାର ପରିକଳ୍ପନା ଅସମ୍ଭବ। ଚତୁର୍ଥ ପର୍ଯ୍ୟାୟ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ଯୋଜନା ଅଧୀନରେ ରାଜ୍ୟର ୮ଟି ଜିଲ୍ଲା ପାଇଁ ୧ ହଜାର ୬୯୮ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ବ୍ୟୟରେ ୧ ହଜାର ୭୦୧ କିଲୋମିଟର ଦୈର୍ଘ୍ୟର ୮୨୭ଟି ସଡ଼କ ପ୍ରକଳ୍ପ ନିର୍ମାଣ କରାଯିବ।

ମୁଖ୍ୟମନ୍ତ୍ରୀ କହିଛନ୍ତି, ଉତ୍ତମ ଯୋଗାଯୋଗ ସହିତ ଆର୍ଥିକ ଅନଗ୍ରସର ପରିବାରକୁ ପ୍ରଧାନମନ୍ତ୍ରୀ ଅନ୍ତ୍ୟୋଦୟ ଗୃହ ଯୋଜନାରେ ପକ୍କା ଘର ଯୋଗାଇ ଦିଆଯାଉଛି। ଗ୍ରାମୀଣ ଅର୍ଥନୀତିକୁ ମଜଭୁତ କରିବା ପାଇଁ ସରକାର ମିଶନ ପାୱାର ଅଭିଯାନ ଆରମ୍ଭ କରିଛନ୍ତି। ଯୋଜନାରେ ୫୦ ରୁ ଊର୍ଦ୍ଧ୍ୱ ଜନସଂଖ୍ୟାବିଶିଷ୍ଟ କ୍ଷୁଦ୍ର ପଡାଗ୍ରାମକୁ ପକ୍କା ରାସ୍ତା ଓ ବିଜୁଳି, ପାନୀୟ ଜଳ ସୁବିଧା ଯୋଗାଇ ଦିଆଯିବ। କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ମିଳିତ ଉଦ୍ୟମରେ ଗ୍ରାମାଞ୍ଚଳର ସାମାଜିକ ଓ ଅର୍ଥନୈତିକ ଉନ୍ନତି ସହିତ ୨୦୩୬ ମସିହା ସୁଦ୍ଧା ସମୃଦ୍ଧ ଓ ବିକଶିତ ଓଡ଼ିଶା ଗଠନ ମାର୍ଗ ପ୍ରଶସ୍ତ ହେବ ବୋଲି ଶ୍ରୀ ମାଝୀ କହିଛନ୍ତି।

**-V/O-**

କାର୍ଯ୍ୟକ୍ରମରେ କେନ୍ଦ୍ର କୃଷି, କୃଷକ କଲ୍ୟାଣ ଓ ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ଶିବରାଜ ସିଂହ ଚୌହ୍ୱାନ ଯୋଗଦେଇ କହିଛନ୍ତି, ଓଡ଼ିଶାର କୃଷକଙ୍କ ଉନ୍ନତି ପାଇଁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଅଙ୍ଗିକାରବଦ୍ଧ। କୃଷକଙ୍କ ଆୟକୁ ବହୁଗୁଣିତ କରିବା ପାଇଁ ସରକାର କୃଷି କ୍ଷେତ୍ରରେ ବହୁବିଧ ପଦକ୍ଷେପ ଗ୍ରହଣ କରୁଛନ୍ତି। ଆଗାମୀ ଦିନରେ ଓଡ଼ିଶାକୁ କେନ୍ଦ୍ର ସରକାର ଏକ ସ୍ୱତନ୍ତ୍ର ବୈଜ୍ଞାନିକ ଦଳ ପଠାଇବେ। ଏହି ବିଶେଷଜ୍ଞମାନେ ରାଜ୍ୟର ବିଭିନ୍ନ ଅଞ୍ଚଳ ବୁଲି ସମନ୍ୱିତ କୃଷି ବ୍ୟବସ୍ଥାର ସମୀକ୍ଷା କରିବେ। ରାଜ୍ୟର ପ୍ରତ୍ୟେକ କୃଷିଭିତ୍ତିକ ଗ୍ରାମକୁ ଏକ ବିହନ ଗ୍ରାମ ଭାବେ ଗଢ଼ିତୋଳିବା ପାଇଁ ସରକାର ଲକ୍ଷ୍ୟ ରଖିଛନ୍ତି ବୋଲି କେନ୍ଦ୍ରମନ୍ତ୍ରୀ ଶ୍ରୀ ଚୌହାନ କହିଛନ୍ତି।

## ଶ୍ରମିକ ଦିବସ

ରାଷ୍ଟ୍ରର ସମୃଦ୍ଧି ଓ ସାମଗ୍ରିକ ବିକାଶରେ ଶ୍ରମିକଙ୍କର ଶ୍ରମ, ନିଷ୍ଠା ଓ ପ୍ରତିବଦ୍ଧତାକୁ ସମ୍ମାନ ଜଣାଇ ଆଜି ଆନ୍ତର୍ଜାତିକ ଶ୍ରମିକ ଦିବସ ପାଳନ କରାଯାଉଛି।

ଆନ୍ତର୍ଜାତିକ ଶ୍ରମିକ ଦିବସ ଅବସରରେ ଭୁବନେଶ୍ୱର ଓୟୁଏଟି କୃଷି ଶିକ୍ଷା ସଦନଠାରେ ଆୟୋଜିତ ରାଜ୍ୟସ୍ତରୀୟ ସମାରୋହରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେଇଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ ବିଭିନ୍ନ ଶ୍ରମିକ କଲ୍ୟାଣ ବୋର୍ଡ ମାଧ୍ୟମରେ ରାଜ୍ୟବ୍ୟାପୀ ୧୫୦କୋଟି ଟଙ୍କାରୁ ଊର୍ଦ୍ଧ୍ୱ ସହାୟତା ରାଶି ବଣ୍ଟନ କରିବା ସହିତ ବିଭିନ୍ନ ଜନକଲ୍ୟାଣକାରୀ କାର୍ଯ୍ୟକ୍ରମର ଶୁଭାରମ୍ଭ କରିବେ ବୋଲି ଜଣାପଡିଛି।

କାର୍ଯ୍ୟକ୍ରମରେ ଶ୍ରମ ଓ କର୍ମଚାରୀ ମନ୍ତ୍ରୀ ଗଣେଶରାମ ସିଂ ଖୁଣ୍ଟିଆ, ବିଧାୟକ ବାବୁ ସିଂ ପ୍ରମୁଖ ଉପସ୍ଥିତ ଅଛନ୍ତି।

## ଶ୍ରମିକ ଦିବସ-ଜିଲ୍ଲା

ରାଜ୍ୟର ବିଭିନ୍ନ ସ୍ଥାନରେ ଶ୍ରମିକ ଦିବସ ପାଳିତ ହୋଇଯାଇଛି।

ଶ୍ରମିକମାନେ ସମାଜର ମେରୁଦଣ୍ଡ ସଦୃଶ ବୋଲି ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ କହିଛନ୍ତି। **ଯାଜପୁର** ଜିଲ୍ଲା ପ୍ରଶାସନ ଓ ଶ୍ରମବିଭାଗ ପକ୍ଷରୁ ଆୟୋଜିତ ଶ୍ରମିକ ଦିବସ କାର୍ଯ୍ୟକ୍ରମରେ ଯୋଗଦେଇ ମନ୍ତ୍ରୀ କହିଛନ୍ତି, ରାଜ୍ୟ ସରକାର ଶ୍ରମିକମାନଙ୍କ ବିଭିନ୍ନ କଲ୍ୟାଣମୂଳକ ଯୋଜନା କାର୍ଯ୍ୟକାରୀ କରିବା ସହ ସେମାନଙ୍କ ପରିବାର ପାଇଁ ଆର୍ଥିକ ସହାୟତା ପ୍ରଦାନ କରୁଛନ୍ତି।

**ବୌଦ୍ଧ** ଜିଲ୍ଲାର ଟାଉନ୍‌ହଲଠାରେ ଆୟୋଜିତ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ବିଭୂତି ଭୂଷଣ ନାୟକ ଯୋଗଦେଇ ଶ୍ରମିକ କଲ୍ୟାଣ ଯୋଜନା ସମ୍ପର୍କରେ ଆଲୋଚନା କରିଛନ୍ତି। ଏହି ଅବସରରେ ଶତାଧିକ ହିତାଧିକାରୀଙ୍କୁ ମୃତ୍ୟୁକାଳୀନ ସହାୟତା, ବିବାହ ସହାୟତା ସହିତ ଅନ୍ୟାନ୍ୟ ସହାୟତା ପ୍ରଦାନ କରାଯାଇଥିଲା।

**କେନ୍ଦ୍ରାପଡ଼ା** ଜିଲ୍ଲା ଶ୍ରମ କାର୍ଯ୍ୟାଳୟ ପକ୍ଷରୁ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଆୟୋଜିତ କାର୍ଯ୍ୟକ୍ରମରେ ଜିଲ୍ଲାରେ କାର୍ଯ୍ୟରତ ଶ୍ରମିକମାନଙ୍କ ପାଇଁ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପକ୍ଷରୁ  କାର୍ଯ୍ୟକାରୀ ହୋଇଥିବା ବିଭିନ୍ନ ଆଇନ୍ ସମ୍ପର୍କରେ ଆଲୋଚନା ହୋଇଥିଲା। ଶ୍ରମିକମାନଙ୍କର ସାମାଜିକ ନିରାପତ୍ତାକୁ

ସୁନିଶ୍ଚିତ କରାଯିବା ସହିତ ସେମାନଙ୍କୁ ନିଜସ୍ୱ ଅଧିକାର ସମ୍ପର୍କରେ ସଚେତନ କରିବା ପାଇଁ ଜିଲ୍ଲା ଶ୍ରମ କାର୍ଯ୍ୟାଳୟ ପକ୍ଷରୁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି ।

**ସମ୍ବଲପୁର** ଜିଲ୍ଲା ପ୍ରଶାସନ ଏବଂ ଶ୍ରମ କର୍ମଚାରୀ ରାଜ୍ୟ ବୀମା ବିଭାଗ, ଓଡ଼ିଶା ସରକାରଙ୍କ ମିଳିତ ଆନୁକୂଲ୍ୟରେ ସ୍ଥାନୀୟ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଆନ୍ତର୍ଜାତିକ ଶ୍ରମିକ ଦିବସ ପାଳନ ଅବସରରେ ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦର ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ । ଏହି ଅବସରରେ ନିର୍ମାଣ ଶ୍ରମିକ ଏବଂ ଅଣସଂଗଠିତ କ୍ଷେତ୍ରରେ କାର୍ଯ୍ୟ କରୁଥିବା ଶ୍ରମିକମାନଙ୍କ କଲ୍ୟାଣ ନିମନ୍ତେ ୫୩ ଜଣ ହିତାଧିକାରୀଙ୍କ ୫୦ ଲକ୍ଷ ୪୧ ହଜାର ୪୦୦ଟଙ୍କାର ସହାୟତା ରାଶି ବଣ୍ଟନ କରାଯାଇଛି ।

**ନୟାଗଡ଼** ଜିଲ୍ଲା ପ୍ରଶାସନ ପକ୍ଷରୁ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଉତ୍ସବରେ ପୁରୀ ସାଂସଦ ଡକ୍ଟର ସମ୍ବିତ ପାତ୍ର ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ । ଶ୍ରମିକମାନଙ୍କର ସର୍ବାଙ୍ଗୀନ ଉନ୍ନତି ସକାଶେ ରାଜ୍ୟ ସରକାରଙ୍କ ପକ୍ଷରୁ ନିଆଯାଇଥିବା ବିଭିନ୍ନ କଲ୍ୟାଣକାରୀ ଯୋଜନା ସମ୍ପର୍କରେ ଆଲୋକପାତ କରିଥିଲେ ।

## ମୁକେଶ ମହାଲିଙ୍ଗ

**ବଲାଙ୍ଗିର** ଭୀମଭୋଇ ମେଡିକାଲ କଲେଜ ହସ୍‌ପିଟାଲ ପ୍ରେକ୍ଷାଳୟରେ ଆୟୋଜିତ ଶ୍ରମଦିବସ କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଡାକ୍ତର ମୁକେଶ ମହାଲିଙ୍ଗ ଯୋଗଦେଇ ଶ୍ରମିକମାନଙ୍କ ପାଇଁ ରହିଥିବା ବିଭିନ୍ନ

ଯୋଜନା ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ଅବସରରେ ମନ୍ତ୍ରୀ ଶ୍ରୀ ମହାଲିଙ୍ଗ ପ୍ରାୟ ୨ କୋଟି ୬୬ ଲକ୍ଷ ୨୩ ହଜାର ୪୦୦ ଟଙ୍କାର ବିଭିନ୍ନ ସହାୟତା ରାଶି ପ୍ରଦାନ କରିଥିଲେ।

## ମାଟ୍ରିକ ପରୀକ୍ଷା ଫଳ

ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ମାଟ୍ରିକ ପରୀକ୍ଷା ଫଳ ଆସନ୍ତାକାଲି ଅପରାହ୍ଣରେ ପ୍ରକାଶ ପାଇବ। ଏନେଇ ପରିଷଦ ପକ୍ଷରୁ ପ୍ରେସ୍ ବିଜ୍ଞପ୍ତି ଜରିଆରେ ସୂଚନା ପ୍ରଦାନ କରାଯାଇଛି । ରାଜ୍ୟ ମୁକ୍ତ ବିଦ୍ୟାଳୟ ଓ ମଧ୍ୟମା ପରୀକ୍ଷାଫଳ ମଧ୍ୟ ଆସନ୍ତାକାଲି ପ୍ରକାଶ ପାଇବ। ଛାତ୍ରଛାତ୍ରୀମାନେ **www.bseodisha.ac.in**ରେ ପରୀକ୍ଷା ଫଳଦେଖିପାରିବେ । ଇଣ୍ଟରନେଟ୍ ନଥିବା ଅଞ୍ଚଳରେ ରୋଲ୍ ନମ୍ବରକୁ ଏସ୍ଏମ୍ଏସ୍ କରି ପରୀକ୍ଷାଫଳ ଜାଣି ହେବ। ଚଳିତବର୍ଷ ଛାତ୍ରଛାତ୍ରୀମାନେ ଉଭୟ ଓଡ଼ିଆ ଓ ଇଂରାଜୀ ଭାଷାରେ ମାଟ୍ରିକ୍ ସାର୍ଟିଫିକେଟ୍ ପାଇପାରିବେ ବୋଲି ଗଣଶିକ୍ଷାମନ୍ତ୍ରୀ **ନିତ୍ୟାନନ୍ଦ ଗଣ୍ଡ** କହିଛନ୍ତି।

## -V/O -

ଯୁକ୍ତ ଦୁଇ ପରୀକ୍ଷାଫଳ ଚଳିତ ମାସ ତୃତୀୟ ସପ୍ତାହରେ  ପ୍ରକାଶ ପାଇବ ବୋଲି ମନ୍ତ୍ରୀ ଶ୍ରୀ ଗଣ୍ଡ ସୂଚନା ଦେଇଛନ୍ତି। ଫେବୃୟାରୀ ୧୮ ତାରିଖରୁ ଯୁକ୍ତଦୁଇ ପରୀକ୍ଷା ଆରମ୍ଭ ହୋଇ ମାର୍ଚ୍ଚ ମାସ ୨୮ ତାରିଖ ପର୍ଯ୍ୟନ୍ତ ଚାଲିଥିଲା। ଚଳିତଥର ୪ ଲକ୍ଷ ୧ ହଜାର ୬୩୨ ଜଣ ଛାତ୍ରଛାତ୍ରୀ ପରୀକ୍ଷା ଦେଇଥିଲେ।

## ଡିଜିପି

ଓଡ଼ିଶା ମାଓବାଦୀମୁକ୍ତ ହୋଇଛି ବୋଲି ପୁଲିସ୍ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିୟା କହିଛନ୍ତି। ରାଉରକେଲାଠାରେ ଆରକ୍ଷୀ ମହାନିର୍ଦ୍ଦେଶକଙ୍କ ପଦକ ପ୍ରଦାନ ଉତ୍ସବରେ ଯୋଗଦେଇ ଶ୍ରୀ ଖୁରାନିୟା କହିଛନ୍ତି, ପଡୋଶୀ ଝାଡଖଣ୍ଡର ସରଣ୍ଡା ଜଙ୍ଗଲରେ ମାଓବାଦୀମାନେ ସକ୍ରିୟ ରହିଛନ୍ତି। ଓଡ଼ିଶା ପୁଲିସ୍ ମାଓବାଦୀମାନଙ୍କ କାର୍ଯ୍ୟକଳାପ ଉପରେ ତୀକ୍ଷ୍ଣ ନଜର ରଖିଛନ୍ତି। ଏହି ଅବସରରେ ପୁଲିସ୍ ମହାନିର୍ଦ୍ଦେଶକ ଛଅ ଜଣ ପୁଲିସ୍ କର୍ମଚାରୀଙ୍କୁ ମେଡାଲ ପ୍ରଦାନ କରିଛନ୍ତି।

## ଭୀମ ଭୋଇ

**ସୁବର୍ଣ୍ଣପୁର** ଜିଲ୍ଲାରେ ପବିତ୍ର ବୈଶାଖ ପୂର୍ଣ୍ଣିମା ଅବସରରେ ସନ୍ଥକବୀ ଭୀମଭୋଇଙ୍କ ଜନ୍ମସ୍ଥଳି ଜଟେସିଂହା ଓ ଖଲିଆପାଲ୍ଲୀ ସମାଧୀପୀଠରେ ଜୟନ୍ତୀ ଉତ୍ସବ ପାଳିତ ହୋଇଯାଇଛି। ଶୂନ୍ୟସ୍ୱରୂପ ଓ ଭୀମ ଭୋଇ ସ୍ମୃତି ସଂସଦ ପକ୍ଷରୁ କବିଙ୍କ ଜନ୍ମସ୍ଥଳିରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଥିଲା। କାର୍ଯ୍ୟକ୍ରମରେ ମହିମାଧର୍ମୀ ସାଧୁସନ୍ଥମାନେ ଯୋଗଦେଇ ବ୍ରହ୍ମପୂଜନ ସହ ଶୂନ୍ୟଶରଣ ମାନ୍ୟ କରି କବି ଭୀମ ଭୋଇଙ୍କୁ ଅର୍ଘ୍ୟ ପ୍ରଦାନ କରିଥିଲେ।

## ସୁରେଶ ପୂଜାରୀ

ରାଜ୍ୟରେ କାଳବୈଶାଖୀ ପ୍ରଭାବରେ ଘର ଓ ଚାଷଜମିର କ୍ଷତିପୂରଣ ରାଶିକୁ ୨୪ ଘଣ୍ଟା ମଧ୍ୟରେ ପ୍ରଦାନ କରାଯିବ ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି। ଜିଲ୍ଲାପାଳମାନଙ୍କୁ କ୍ଷୟକ୍ଷତିର ଆକଳନ କରି ରିପୋର୍ଟ ଦେବାକୁ ନିର୍ଦ୍ଦେଶ ଦିଆଯାଇଛି। ରିପୋର୍ଟ ହସ୍ତଗତ

ପରେ ତୁରନ୍ତ ପଦକ୍ଷେପ ନିଆଯିବ ବୋଲି ଶ୍ରୀ ପୂଜାରୀ କହିଛନ୍ତି। ଗ୍ରୀଷ୍ମପ୍ରବାହ ଭଳି କାଳବୈଶାଖୀର ମୁକାବିଲା ପାଇଁ ବିଭାଗ ପକ୍ଷରୁ ସ୍ୱତନ୍ତ୍ର ମାର୍ଗଦର୍ଶିକା ଜାରି କରାଯାଇଛି। ରାଜ୍ୟବାସୀଙ୍କୁ ଏହି ସମୟରେ ସତର୍କ ରହିବାକୁ ମନ୍ତ୍ରୀ ନିବେଦନ କରିଛନ୍ତି।

## ଶ୍ରମିକ ଦିବସ-ଜିଲ୍ଲା

**କନ୍ଧମାଳ** ଜିଲ୍ଲା ଫୁଲବାଣୀ ଗାନ୍ଧୀ ସ୍ମୃତି ଭବନ ପରିସରରେ ଶ୍ରମିକ ଦିବସ ପାଳନ କାର୍ଯ୍ୟକ୍ରମରେ ବିଧାୟକ ଉମା ଚରଣ ମଲ୍ଲିକ ଯୋଗଦେଇ ନିର୍ମାଣ ଶ୍ରମିକମାନଙ୍କୁ ବିଭିନ୍ନ ସହାୟତାରାଶି ପ୍ରଦାନ କରିଛନ୍ତି। ଏହି ଅବସରରେ ୧୦୦ ଜଣ ନିର୍ମାଣ ଶ୍ରମିକଙ୍କୁ ନୂତନ କାର୍ଡ ପ୍ରଦାନ କରାଯାଇଥିଲା।

**ସୁବର୍ଣ୍ଣପୁର** ଜିଲ୍ଲା ଟାଉନ୍‌ହଲଠାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ନୃପରାଜ ସାହୁ ଯୋଗଦେଇ ରାଜ୍ୟ ସରକାରଙ୍କ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନା ସମ୍ପର୍କରେ ଆଲୋଚନା କରିଥିଲେ।

# ପାଣିପାଗ

ରାଜ୍ୟରେ ଆଗାମୀ ୭ ଦିନ ପର୍ଯ୍ୟନ୍ତ କାଳବୈଶାଖୀର ପ୍ରଭାବ ରହିବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଅନୁମାନ କରାଯାଇଛି। ପ୍ରଭାବରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡଘଡି ସହ ବର୍ଷା ହେବା ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ୨୩ଟି ଜିଲ୍ଲାକୁ ସତର୍କ

ସୂଚନା ଜାରି କରାଯାଇଛି। ଏହି ସମୟରେ ପବନର ବେଗ ଘଣ୍ଟାପ୍ରତି ୫୦ ରୁ ୬୦ କିଲୋମିଟର ରହିବ। ସମୁଦ୍ର ଅଶାନ୍ତ ରହୁଥିବାରୁ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ମଧ୍ୟକୁ ଯିବାପାଇଁ ବାରଣ କରାଯାଇଛି।

ଆଗାମୀ ଦୁଇରୁ ତିନି ଦିନ ମଧ୍ୟରେ ଦିନ ତାପମାତ୍ରା ଦୁଇରୁ ତିନି ଡିଗ୍ରୀ ହ୍ରାସ ପାଇବାର ସମ୍ଭାବନା ରହିଛି।

ଅନ୍ୟପକ୍ଷରେ, ରାଜ୍ୟର କେତେକ ଜିଲ୍ଲାରେ ଗରମ ଓ ଗୁଳୁଗୁଳି ଅନୁଭୂତ ହେଉଛି। ଦିନର ସର୍ବାଧିକ ତାପମାତ୍ରା ୪୦ ଦଶମିକ ୨ ଡିଗ୍ରୀ ସେଲସିୟସ୍ ରେକର୍ଡ କରାଯାଇଛି।